# Language: ଓଡ଼ିଆ

## Book: Titus

## Titus

### Chapter 1

**1** ପାଉଲ, ଈଶ୍ୱରଙ୍କ ଦାସ ଓ ଯୀଶୁ ଖ୍ରୀଷ୍ଟଙ୍କର ଜଣେ ପ୍ରେରିତ, ବିଶ୍ୱାସର ସହଭାଗିତା ଅନୁସାରେ ଯଥାର୍ଥ ପୁତ୍ର ତୀତସଙ୍କ ନିକଟକୁ, **2** ଈଶ୍ୱରଙ୍କ ମନୋନୀତ
ଲୋକମାନେ ଅନନ୍ତ ଜୀବନର ଭରସା ପ୍ରାପ୍ତ ହୋଇ, ଯେପରି ବିଶ୍ୱାସ ଓ ଭକ୍ତି ସହିତ ସତ୍ୟ ଜ୍ଞାନରେ ବୃଦ୍ଧି ପାଆନ୍ତି, ଏଥି ନିମନ୍ତେ ମୁଁ ପ୍ରେରିତ ହୋଇଅଛି; **3** ସେହି
ଅନନ୍ତ ଜୀବନ ସତ୍ୟ ଈଶ୍ୱର, ଅନାଦିକାଳ ପୂର୍ବେ ପ୍ରତିଜ୍ଞା କରି ଯଥା ସମୟରେ ଆପଣା ବାକ୍ୟ ପ୍ରଚାର ଦ୍ୱାରା ପ୍ରକାଶ କଲେ; ସେହି ବାକ୍ୟ ପ୍ରଚାର କରିବାର ଭାର
ଆମ୍ଭମାନଙ୍କ ତ୍ରାଣକର୍ତ୍ତା ଈଶ୍ୱରଙ୍କ ଆଜ୍ଞାନୁସାରେ ମୋ'ଠାରେ ସମର୍ପିତ ହୋଇଅଛି । **4** ପିତା ଈଶ୍ୱର ଓ ଆମ୍ଭମାନଙ୍କ ତ୍ରାଣକର୍ତ୍ତା ଖ୍ରୀଷ୍ଟ ଯୀଶୁଙ୍କଠାରୁ ଅନୁଗ୍ରହ ଓ ଶାନ୍ତି
ହେଉ ।

**5** ମୋହର ଆଦେଶାନୁସାରେ ଅସମ୍ପୂର୍ଣ୍ଣ କାର୍ଯ୍ୟସବୁ ସମ୍ପୂର୍ଣ୍ଣ କରିବାକୁ ପୁଣି, ପ୍ରତ୍ୟେକ ନଗରରେ ପ୍ରାଚୀନମାନଙ୍କୁ ନିଯୁକ୍ତ କରିବାକୁ ମୁଁ କ୍ରୀତୀରେ ତୁମ୍ଭକୁ ଛାଡ଼ି ଆସିଲି; **6**
ଯେଉଁ ବ୍ୟକ୍ତି ନିର୍ଦ୍ଦୋଷ ଓ ଏକ ସ୍ତ୍ରୀର ସ୍ୱାମୀ, ଯାହାଙ୍କ ସନ୍ତାନମାନେ ବିଶ୍ୱାସୀ ଅଟନ୍ତି ଓ କଦାଚରଣ କିମ୍ବା ଅବାଧ ନୁହଁନ୍ତି, ତାହାଙ୍କୁ ନିଯୁକ୍ତ କର । **7** କାରଣ ଅଧକ୍ଷ,
ଈଶ୍ୱରଙ୍କ ବେବର୍ତ୍ତା ସ୍ୱରୂପେ ନିର୍ଦ୍ଦୋଷ ହେବା ଆବଶ୍ୟକ; ସେ ସ୍ୱେଚ୍ଛାଚାରୀ କି ଆଶୁକ୍ରୋଧୀ କି ମଦ୍ୟପାୟୀ କି ବିବାଦପ୍ରିୟ କି କୁତ୍ସିତ ଧନଲୋଭର ଅଭିଳାଷୀ ନ ହୋଇ
ଅାତିଥ୍ୟ ପ୍ରିୟ, **8** ଉତ୍ତମ ବିଷୟର ଅନୁରାଗୀ, ସୁବୁଦ୍ଧି, ନ୍ୟାୟପରାୟଣ, ସାଧୁ ଓ ମିତାଚାରୀ ହେଉନ୍ତୁ, **9** ପୁଣି, ଯେପରି ସେ ହିତଜନକ ଶିକ୍ଷା ଦେଇ ଉତ୍ସାହ ଦେବାକୁ
ଓ ବିପକ୍ଷବାଦୀମାନଙ୍କୁ ଅନୁଯୋଗ କରିବାକୁ ସକ୍ଷମ ହୁଅନ୍ତି, ଏଥି ନିମନ୍ତେ ପ୍ରାପ୍ତ ଶିକ୍ଷାନୁଯାୟୀ ବିଶ୍ୱାସଯୋଗ୍ୟ ବାକ୍ୟକୁ ଦୃଢ ଭାବରେ ଧରନ୍ତୁ । **10** କାରଣ ଅନେକେ
ଅବାଧ ଲୋକ, ଅସାର ବାକ୍ୟବାଦୀ ଓ ପ୍ରବଞ୍ଚକ ଅଛନ୍ତି, ବିଶେଷରେ ସୁନ୍ନତ ପ୍ରାପ୍ତ ଲୋକମାନଙ୍କ ମଧ୍ୟରେ ଅଛନ୍ତି; **11** ସେମାନଙ୍କର ମୁଖ ବନ୍ଦ କରିବାର ଆବଶ୍ୟକ ।
ସେମାନେ କୁତ୍ସିତ ଧନଲାଭ ନିମନ୍ତେ ଅନୁପଯୁକ୍ତ ଶିକ୍ଷା ଦେଇ ଗୋଟିଏ ଗୋଟିଏ ପରିବାରକୁ ସମ୍ପୂର୍ଣ୍ଣ ରୂପେ ପଥଭ୍ରଷ୍ଟ କରନ୍ତି । **12** ସେମାନଙ୍କର ଜଣେ ସ୍ୱଜାତୀୟ
ଭାବବାଦୀ କହିଅଛନ୍ତି, କ୍ରୀତୀବାସୀମାନେ ସର୍ବଦା ମିଥ୍ୟାବାଦୀ, ହିଂସ୍ରକ ପଶୁ ତୁଲ୍ୟ ଓ ଅଳସୁଆ ପେଟୁକ ଅଟନ୍ତି । **13** ଏହି ଉକ୍ତିଟି ସତ୍ୟ । ଏଣୁ ସେମାନେ ଯେପରି
ଯିହୂଦୀୟ କଳ୍ପିତ ଗଳ୍ପ ପୁଣି, ସତ୍ୟରୁ ବିମୁଖ ହୋଇଥିବା ଲୋକମାନଙ୍କ ବାକ୍ୟ ପ୍ରତି ମନୋଯୋଗୀ ନ ହୋଇ ବିଶ୍ୱାସରେ ସବଳ ହୁଅନ୍ତି, **14** ଏଥିପାଇଁ ସେମାନଙ୍କୁ ଦୃଢ
ରୂପେ ଅନୁଯୋଗ କର । **15** ଶୁଚି ଲୋକମାନଙ୍କ ନିମନ୍ତେ ସମସ୍ତ ହିଁ ଶୁଚି; କିନ୍ତୁ କଳୁଷିତ ଓ ଅବିଶ୍ୱାସୀମାନଙ୍କ ନିମନ୍ତେ କୌଣସି ବିଷୟ ଶୁଚି ନୁହେଁ । ବରଂ
ସେମାନଙ୍କ ମନ ଓ ବିବେକ ଉଭୟ ହିଁ କଳୁଷିତ । **16** ସେମାନେ ଈଶ୍ୱରଙ୍କୁ ଜାଣନ୍ତି ବୋଲି ସ୍ୱୀକାର କରନ୍ତି; ସେମାନେ ଘୃଣ୍ୟ ଓ ଅବାଧ ପୁଣି, ସମସ୍ତ ସତ୍କର୍ମର
ଅଯୋଗ୍ୟ ।

---


generated on Mon May 13 17:12:49 2024

## Chapter 2

1 କିନ୍ତୁ ତୁମ୍ଭେ ହିତଜନକ ଶିକ୍ଷାର ଉପଯୁକ୍ତ କଥା କୁହ । 2 ବୃଦ୍ଧ ପୁରୁଷମାନଙ୍କୁ ମିତଭୋଗୀ, ଗମ୍ଭୀର, ସୁବୁଦ୍ଧି ପୁଣି, ବିଶ୍ୱାସ, ପ୍ରେମ ଓ ସହିଷ୍ଣୁତାରେ ସବଳ ହେବାକୁ, 3
ପୁଣି, ବୃଦ୍ଧ ସ୍ତ୍ରୀମାନଙ୍କୁ ସେହିପରି ପରନିନ୍ଦୁକା ଓ ମଦ୍ୟପାନରେ ଆସକ୍ତା ନ ହୋଇ ଶୁଦ୍ଧାଚାରିଣୀ ହେବାକୁ ଓ ସୁଶିକ୍ଷା ଦେବାକୁ ଅନୁରୋଧ କର; 4 ଯାହାଦ୍ୱାରା ସେମାନେ
ଯୁବା ସ୍ତ୍ରୀମାନଙ୍କୁ ଶିକ୍ଷା ଦିଅନ୍ତୁ ଯେ, ଆପଣା ସ୍ୱାମୀ ଓ ସନ୍ତାନମାନଙ୍କୁ ପ୍ରେମ କରନ୍ତୁ; 5 ଏବଂ ସେମାନେ ପତିବ୍ରତା, ସୁଗୃହିଣୀ, ସୁଶୀଳା, ଓ ଆପଣା ଆପଣା
ସ୍ୱାମୀମାନଙ୍କର ବଶୀଭୂତା ହୁଅନ୍ତୁ , ଯେପରି ଈଶ୍ୱରଙ୍କ ବାକ୍ୟ ଯେପରି ନିନ୍ଦିତ ନ ହୁଏ | 6 ସେହିପରି ଯୁବକମାନଙ୍କୁ ସର୍ବ ବିଷୟରେ ସୁବୁଦ୍ଧି ହେବା ପାଇଁ ଉତ୍ସାହ ଦିଅ;
7 ତୁମ୍ଭେ ନିଜେ ଆପଣା ଆଚରଣରେ ସତ୍କର୍ମର ଆଦର୍ଶ ଦେଖାଅ, ଶିକ୍ଷାରେ ନିଷ୍କପଟ ଓ ଗଭୀର ଭାବ ଏବଂ ହିତଜନକ ଅଖଣ୍ଡନୀୟ ବାକ୍ୟ ପ୍ରକାଶ କର, 8 ଯେପରି
ବିପକ୍ଷ ଲୋକ ଆମ୍ଭମାନଙ୍କ ବିଷୟରେ କୌଣସି ମନ୍ଦ କଥା କହି ନ ପାରି ଲଜ୍ଜିତ ହେବ । 9 ଦାସମାନଙ୍କୁ ଶିକ୍ଷା ଦିଅ ଯେ, ସେମାନେ ଆପଣା ଆପଣା କର୍ତ୍ତାମାନଙ୍କର
ବଶୀଭୂତ ହୋଇ ରୁହନ୍ତୁ, ସମସ୍ତ ବିଷୟରେ ସେମାନଙ୍କର ସନ୍ତୋଷଭାଜନ ହୁଅନ୍ତୁ, 10 ପ୍ରତିବାଦ ନ କରନ୍ତୁ, କିଛି ହିଁ ଚୋରି ନ କରି ବରଂ ସମ୍ପୂର୍ଣ୍ଣ ବିଶ୍ୱସ୍ତତା ପ୍ରକାଶ
କରନ୍ତୁ, ଯେପରି ସେମାନେ ସବୁ ବିଷୟରେ ଅାମ୍ଭମାନଙ୍କ ତ୍ରାଣକର୍ତ୍ତା ଈଶ୍ୱରଙ୍କ ଶିକ୍ଷାର ଅଳଙ୍କାର ସ୍ୱରୂପ ହୁଅନ୍ତି । 11 କାରଣ ସମସ୍ତ ମାନବର ପରିତ୍ରାଣ ନିମନ୍ତେ
ଈଶ୍ୱରଙ୍କ ଅନୁଗ୍ରହ ପ୍ରକାଶିତ ହୋଇଅଛି, 12 ପୁଣି, ଆମ୍ଭେମାନେ ଯେପରି ଅଧର୍ମ ଓ ସାଂସାରିକ ଅଭିଳାଷ ପରିତ୍ୟାଗ କରି ଏହି ବର୍ତ୍ତମାନ ଯୁଗରେ ସୁବୁଦ୍ଧି, ଧାର୍ମିକ ଓ
ଭକ୍ତ ଭାବରେ ଜୀବନ ଯାପନ କରୁ, 13 ଆଉ ସେହି ଆନନ୍ଦଦାୟକ ଭରସା ପୁଣି, ଆମ୍ଭମାନଙ୍କ ମହାନ ଈଶ୍ୱର ଓ ତ୍ରାଣକର୍ତ୍ତା ଖ୍ରୀଷ୍ଟ ଯୀଶୁଙ୍କ ଗୌରବର ପ୍ରକାଶ
ଅପେକ୍ଷାରେ ରହୁ, ଏଥି ନିମନ୍ତେ ଶିକ୍ଷା ଦେଉଅଛି । 14 ସେହି ଖ୍ରୀଷ୍ଟ ଯୀଶୁ ଆମ୍ଭମାନଙ୍କୁ ସମସ୍ତ ଅଧର୍ମରୁ ମୁକ୍ତ କରିବାକୁ ଓ ଆପଣା ନିମନ୍ତେ ସତ୍କର୍ମରେ ଉଦ୍‌ଯୋଗୀ
ନିଜସ୍ୱ ଲୋକ ସ୍ୱରୂପେ ଶୁଦ୍ଧ କରିବାକୁ ଆମ୍ଭମାନଙ୍କ ନିମନ୍ତେ ଆପଣାକୁ ଦେଲେ । 15 ଏହି ସମସ୍ତ କଥା କହି ପୂର୍ଣ୍ଣ କ୍ଷମତା ସହ ଉତ୍ସାହ ଦିଅ ଓ ଅନୁଯୋଗ କର ।
କେହି ତୁମ୍ଭକୁ ତୁଚ୍ଛ ନ କରୁ ।

 generated on Mon May 13 17:12:49 2024

## Chapter 3

**1** କର୍ତ୍ତୃପକ୍ଷ ଓ କ୍ଷମତା ପ୍ରାପ୍ତ ବ୍ୟକ୍ତିମାନଙ୍କର ବଶୀଭୂତ ଓ ବାଧ୍ୟ ହେବାକୁ ପୁଣି, ସମସ୍ତ ପ୍ରକାର ସତ୍କର୍ମ କରିବା ନିମନ୍ତେ ପ୍ରସ୍ତୁତ ହେବାକୁ, **2** କାହାରି ନିନ୍ଦା ନ କରିବାକୁ,
କାହାରି ବିରୋଧୀ ନ ହେବାକୁ, ମୃଦୁଶୀଳ ହେବାକୁ ପୁଣି, ସମସ୍ତ ଲୋକଙ୍କ ପ୍ରତି ସର୍ବପ୍ରକାରେ କୋମଳ ଭାବ ଦେଖାଇବାକୁ ସେମାନଙ୍କୁ ସ୍ମରଣ କରାଅ । **3** କାରଣ
ପୂର୍ବେ ଆମ୍ଭେମାନେ ମଧ୍ୟ ନିର୍ବୋଧ, ଅବାଧ୍ୟ, ଭ୍ରାନ୍ତ ପୁଣି, ନାନା ପ୍ରକାର କୁଅଭିଳାଷ ଓ ସୁଖଭୋଗର ଦାସ ଥିଲୁ, ହିଂସା ଓ ଈର୍ଷାରେ କାଳକ୍ଷେପଣ କରୁଥିଲୁ, ଆଉ ଘୃଣାର
ପାତ୍ର ହୋଇ ପରସ୍ପରକୁ ଘୃଣା କରୁଥିଲୁ । **4** କିନ୍ତୁ ଯେତେବେଳେ ଆମ୍ଭମାନଙ୍କ ତ୍ରାଣକର୍ତ୍ତା ଈଶ୍ୱରଙ୍କ ଦୟା ଓ ମାନବଜାତି ପ୍ରତି ତାହାଙ୍କ ପ୍ରେମ ପ୍ରକାଶିତ ହେଲା, **5**
ସେତେବେଳେ ସେ ଆମ୍ଭମାନଙ୍କ କୃତ ଧର୍ମକର୍ମ ସକାଶେ ନୁହେଁ, ମାତ୍ର ଆପଣାର ଦୟାନୁସାରେ ନୂତନ ଜନ୍ମର ପ୍ରକ୍ଷାଳନ ଓ ପବିତ୍ର ଆତ୍ମାଙ୍କ ନୂତନୀକରଣ ଦ୍ୱାରା
ଆମ୍ଭମାନଙ୍କୁ ପରିତ୍ରାଣ କରିଅଛନ୍ତି; **6** ସେହି ପବିତ୍ର ଆତ୍ମାଙ୍କୁ ସେ ଆମ୍ଭମାନଙ୍କ ତ୍ରାଣକର୍ତ୍ତା ଯୀଶୁଖ୍ରୀଷ୍ଟଙ୍କ ଦ୍ୱାରା ପ୍ରଚୁର ରୂପେ ଆମ୍ଭମାନଙ୍କ ଉପରେ ଦେଲେ, **7** ଯେପରି
ଆମ୍ଭେମାନେ ତାହାଙ୍କ ଅନୁଗ୍ରହରେ ଧାର୍ମିକ ଗଣିତ ହୋଇ ଭରସାନୁସାରେ ଅନନ୍ତ ଜୀବନର ଅଧିକାରୀ ହେବୁ । **8** ଏହି କଥା ବିଶ୍ୱାସ୍ୟ, ଆଉ ଯେପରି ଈଶ୍ୱରଙ୍କଠାରେ
ବିଶ୍ୱାସକାରୀମାନେ ସମସ୍ତ ସତ୍କର୍ମରେ ପ୍ରବୃତ୍ତ ରହିବାକୁ ମନୋଯୋଗୀ ହୁଅନ୍ତି, ଏଥି ନିମନ୍ତେ ଏହି ସମସ୍ତ ବିଷୟରେ ଦୃଢ଼ ରୂପେ ଶିକ୍ଷା ଦିଅ ବୋଲି ମୋହର ଇଚ୍ଛା । ଏହି
ସମସ୍ତ ବିଷୟ ମନୁଷ୍ୟମାନଙ୍କ ପକ୍ଷରେ ଉତ୍ତମ ଓ ହିତଜନକ । **9** କିନ୍ତୁ ବିତଣ୍ଡା ବାଦାନୁବାଦ, ବିରୋଧ ଓ ମୋଶାଙ୍କ ବ୍ୟବସ୍ଥା ବିଷୟକ ବାଗ୍‍ଯୁଦ୍ଧରୁ ଅନ୍ତର ହୁଅ, କାରଣ
ଏହି ସବୁ କ୍ଷତିଜନକ ଓ ଅସାର । **10** ଯେଉଁ ଲୋକମାନେ ଭ୍ରାନ୍ତ ମତାବଲମ୍ବୀ, ତାହାକୁ ଥରେ, ଦୁଇ ଥର ଅନୁଯୋଗ କଲା ଉତ୍ତାରେ ତାହାଠାରୁ ପୃଥକ୍ ରୁହ; **11**
ଏହିପରି ଲୋକ ଯେ ପଥଭ୍ରଷ୍ଟ ହୋଇଅଛି ଓ ପାପ କରି ଆପଣାକୁ ଆପେ ଦୋଷୀ କରେ, ଏହା ତ ତୁମ୍ଭେ ଜାଣ ।

**12** ଯେତେବେଳେ ମୁଁ ତୁମ୍ଭ ନିକଟକୁ ଆର୍ତ୍ତେମା କିମ୍ବା ତୁଖିକକୁ ପଠାଇବି, ସେତେବେଳେ ନୀକପଲିରେ ମୋ ପାଖକୁ ଆସିବା ପାଇଁ ଉଦ୍ୟମ କର, କାରଣ ସେଠାରେ
ଶୀତକାଳ କ୍ଷେପଣ କରିବାକୁ ମୁଁ ସ୍ଥିର କରିଅଛି । **13** ମୋଶାଙ୍କ ବ୍ୟବସ୍ଥାଶାସ୍ତ୍ରଜ୍ଞ ଜୀନା ଓ ଆପଲ୍ଲଙ୍କୁ ଯତ୍ନ ପୂର୍ବକ ବାଟ ବଳାଇଦିଅ, ଯେପରି ସେମାନଙ୍କର କୌଣସି
ଅଭାବ ନ ହୁଏ । **14** ଆମ୍ଭମାନଙ୍କ ଲୋକମାନେ ମଧ୍ୟ ପ୍ରୟୋଜନୀୟ ଉପକାର ନିମନ୍ତେ ସତ୍କର୍ମରେ ପ୍ରବୃତ୍ତ ରହିବାକୁ ଶିଖନ୍ତୁ, ଯେପରି ସେମାନେ ଫଳହୀନ ନ ହୁଅନ୍ତି ।
**15** ମୋ ସଙ୍ଗରେ ଥିବା ସମସ୍ତେ ତୁମ୍ଭକୁ ନମସ୍କାର ଜଣାଉଅଛନ୍ତି । ବିଶ୍ୱାସ ସମ୍ବନ୍ଧରେ ଯେଉଁମାନେ ଆମ୍ଭମାନଙ୍କୁ ପ୍ରେମ କରନ୍ତି, ସେମାନଙ୍କୁ ନମସ୍କାର ଜଣାଅ ।

ତୁମ୍ଭ ସମସ୍ତଙ୍କ ପ୍ରତି ଅନୁଗ୍ରହ ବର୍ତ୍ତୁ ।

---


generated on Mon May 13 17:12:49 2024